ଗ୍ରାମୀଣ କୃଷି ମୌସୁମୀ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ
ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 02-02-2024

ଗଜପତି(ଓଡିଶା) - :2024-02-02 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2024-02-03 | 2024-02-04 | 2024-02-05 | 2024-02-06 | 2024-02-07 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 33.0 | 33.0 | 34.0 | 33.0 | 32.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 18.0 | 17.0 | 17.0 | 18.0 | 18.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 77 | 82 | 88 | 88 | 91 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 32 | 22 | 29 | 28 | 27 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 6 | 4 | 5 | 6 | 7 |
| ପବନର ଦିଗ (ଡିଗ୍ରୀ) | 225 | 206 | 202 | 198 | 216 |
| ମେଘାଛନ୍ନ (ଅକ୍ଟା) | 2 | 0 | 0 | 0 | 0 |

## ପାଣିପାଗ ସାରାଂଶ/ସତର୍କ:

ଭାରତ ପାଣିପାଗ ବିଭାଗ ରୁ ମିଳିଥିବା ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ମଙ୍ଗଳବାର ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବା ସହିତ ଆକାଶ ସଫା ରୁ ମୁଖ୍ୟତଃ ସଫା ରହିବାର ସମ୍ଭାବନା ରହିଛି । ଆସନ୍ତା ପାଞ୍ଚ ଦିନ ପର୍ଯ୍ୟନ୍ତ ପବନର ବେଗ ୦୪.୦ ରୁ ୦୭.୦ କିଲୋମିଟର ପ୍ରତି ଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି । ଦୈନିକ ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୩୨.୦° ସେଲସିୟସ ରୁ ୩୪.୦° ସେଲସିୟସ ଏବଂ ୧୭.୦° ସେଲସିୟସ ରୁ ୧୮.୦° ସେଲସିୟସ ମଧ୍ୟରେ ରହିବାର ସମ୍ଭାବନା ରହିଛି । ସକାଳେ ଏବଂ ଅପରାହ୍ନରେ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ୭୭ ରୁ ୯୧ ଶତକଡା ଏବଂ ୨୨ ରୁ ୩୨ ଶତକଡା ମଧ୍ୟରେ ରହିପାରେ ।

## ସାଧାରଣ ଉପଦେଶ:

ଗଜପତି ଜିଲ୍ଲାରେ ଗତ ସପ୍ତାହରେ ହାରାହାରି ସର୍ବାଧିକ ଦୈନିକ ତାପମାତ୍ରା ୩୧.୬° ସେଲସିୟସ ଏବଂ ହାରାହାରି ସର୍ବନିମ୍ନ ଦୈନିକ ତାପମାତ୍ରା ୧୭.୩° ସେଲସିୟସ ଥିଲା । ଗତ ସପ୍ତାହରେ ଜିଲ୍ଲାରେ ୦୯.୬ ମିଲିମିଟର ବର୍ଷା ହୋଇଅଛି । ବର୍ତ୍ତମାନ ଶୁଖିଲା ପାଗ ରହୁଥିବାରୁ ଚାଷୀ ଭାଇ ମାନେ ଫସଲରେ ଜଳସେଚନ ର ବ୍ୟବସ୍ଥା କରନ୍ତୁ । ଡାଲୁଅ ଧାନ ନିମନ୍ତେ ମୁଖ୍ୟ ଜମି ପ୍ରସ୍ତୁତ କରନ୍ତୁ ଓ ୨୧ ଦିନିଆ ତଳି ୪ ରୁ ୫ ପତ୍ର ହେବା ଅବସ୍ଥାରେ ମୁଖ୍ୟ ଜମିରେ ରୋପଣ କରନ୍ତୁ । ପ୍ରତି ହିଡରେ ୧୫ ସେମି ବ୍ୟବଧାନରେ ୨ ରୁ ୩ ଟି ଚାରା ଲଗାନ୍ତୁ ଓ ହିଡ କୁ ହିଡ ୧୦ ସେମି ବ୍ୟବଧାନ ରଖନ୍ତୁ ।

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

ମାଟିର ଆର୍ଦ୍ରତା କୁ ଧ୍ୟାନରେ ରଖି ରବି ଫସଲକୁ ୭ ରୁ ୮ ଦିନ ବ୍ୟବଧାନରେ ୧୦ ରୁ ୧୫ ଥର ଜଳସେଚନ କରନ୍ତୁ ।

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଯେଉଁ ଚାଷୀ ଭାଇ ଓ ଭଉଣୀ ମାନେ ଧାନ ତଳି ରୋଇବାକୁ ଯାଉଛନ୍ତି, ମୂଳସାର ହିସାବରେ ଶେଷ କାଦୁଅ କରିବା ସମୟରେ ଏକର ପ୍ରତି ୩୫ କିଲୋଗ୍ରାମ ଡିଏପି, ୩୦ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ଏବଂ ୮ କିଲୋଗ୍ରାମ ୟୁରିଆ ସାର ପ୍ରୟୋଗ କରନ୍ତୁ । ଜମିରେ ଜିଙ୍କ ଅଣୁସାର ଅଭାବ ଦେଖାଯାଉଥିଲେ ପ୍ରତି ୩ ବର୍ଷରେ ଏକର ପ୍ରତି ୧୦ କିଲୋଗ୍ରାମ ଜିଙ୍କ ସଲଫେଟ ୨୧ ଶତକଡା ଅଣୁସାର କୁ ଶେଷ କାଦୁଅ କରିବା ସମୟରେ ପ୍ରୟୋଗ କରନ୍ତୁ । ୨୦ ରୁ ୨୫ ଦିନ ର ତଳି କୁ ଧାଡିରେ ୨୦ ସେମି ଏବଂ ଗଛ କୁ ଗଛ ୧୫ ସେମି ବ୍ୟବଧାନ ରେ ରଖି ବୁଦା ପ୍ରତି ୨-୩ ଟି ତଳି ଲଗାନ୍ତୁ । |
| ବିରି | ମୁଗ ଓ ବିରି ଫସଲରେ ପାଉଁଶିଆ ରୋଗର ପରିଚାଳନା ପାଇଁ ଏକର ପ୍ରତି ୮୦୦ ଗ୍ରାମ Sulphur ନାମକ ଫିମ୍ପିନାଶକ କିମ୍ବା ୩୦୦ ମିଲି Hexaconazole ନାମକ ଫିମ୍ପିନାଶକ କିମ୍ବା ୨୦୦ ମିଲି Propiconazole ନାମକ ଫିମ୍ପିନାଶକ କିମ୍ବା ୧୦୦ ମିଲି Penconazole ନାମକ ଫିମ୍ପିନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ବାଇଗଣ | ବାଇଗଣ ଓ ବିଲାତି ବାଇଗଣ ଫସଲରେ ଧଳାମାଛି ର ପରିଚାଳନା ପାଇଁ ଏକର ପ୍ରତି ୮-୧୦ ଟି ହଳଦିଆ ଅଠାଯୁକ୍ତ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ପିପିଏମ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ବାଇଗଣ ଓ ବିଲାତି ବାଇଗଣ ଫସଲରେ ଧଳାମାଛିର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୨୦୦ ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦ ମିଲି Spiromesifen ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଟମାଟର | ଟମାଟୋ ଫସଲରେ ଫଳବିନ୍ଧା ପୋକ ର ଆକ୍ରମଣ ଦେଖାଦେଲେ ଏହାର ପରିଚାଳନା ପାଇଁ ପ୍ରଥମେ ଜମିରୁ ଆକ୍ରାନ୍ତ ଫଳ ଗୁଡିକ ସଂଗ୍ରହ କରି ଦୂରରେ ନଷ୍ଟ କରି ଦିଅନ୍ତୁ । ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି Heliure ଥିବା ସଙ୍ଗ ଆକର୍ଷକ ଯନ୍ତା ରୁ ୨୦ ଟି ରଖନ୍ତୁ । ଟମାଟୋ ଫସଲରେ ଯଦି ଶତକଡା ୧୦ ଭାଗ ପୋକଡା ଫଳ ଦେଖୁଛନ୍ତି ତାହେଲେ ରାସାୟନିକ ଔଷଧ ପ୍ରୟୋଗ କରନ୍ତୁ । ଏହି ପୋକର ରାସାୟନିକ ଉପାଯରେ ପରିଚାଳନା ପାଇଁ ଏକର ପ୍ରତି ୮୦ ମିଲି କ୍ଲୋରାନଟ୍ରାନିଲିପ୍ରୋଲ କିମ୍ବା ୪୦ ମିଲି ଫ୍ଲୁବେଣ୍ଡିଆମାଇଡ୍ କିମ୍ବା ୨୦୦ ମିଲି ଇଣ୍ଡୋକ୍ସାକାର୍ବ ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଗାଈଗୋରୁ ମାନଙ୍କୁ FMD, Haemorrhagic Septicaemia, Black Quarter, Enterotoxemia ଆଦି ରୋଗ ପାଇଁ ଟୀକାକରଣ କରନ୍ତୁ । ଶୀତ ଋତୁ ରେ ଗାଈଗୋରୁ ମାନଙ୍କ ପାଇଁ ପର୍ଯ୍ୟାପ୍ତ ଗୋଖାଦ୍ୟ ଓ ଘାସ ସାଇତି ରଖନ୍ତୁ । |